ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୩୭୪ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୩୨୧୯୭ରେ ପହଞ୍ଚିଲା - ସୁସ୍ଥ ହେଲେ ୬୫୭ ଜଣ ।

ଅନୁଗୋଳ, ତା.୨୭.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୩୭୪ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୬୯ଜଣ ( ୪୩ଜଣ ପୁରୁଷ ଓ ୨୬ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୬୭ ଜଣ (୪୦ ଜଣ ପୁରୁଷ ଓ ୨୭ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୫୭ଜଣ ( ୩୭ଜଣ ପୁରୁଷ ଓ ୨୦ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪୨ଜଣ ( ୨୭ଜଣ ପୁରୁଷ ଓ ୧୫ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩୨ଜଣ ( ୧୯ଜଣ ପୁରୁଷ ଓ ୧୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩୧ଜଣ ( ୧୯ଜଣ ପୁରୁଷ ଓ ୧୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୭ଜଣ ( ୧୯ଜଣ ପୁରୁଷ ଓ ୮ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୨୨ଜଣ ( ୧୩ଜଣ ପୁରୁଷ ଓ ୯ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୩ଜଣ ( ୮ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୧ଜଣ (୬ ଜଣ ପୁରୁଷ ଓ ୫ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ (୩ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୦୮ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୬୫୭ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୮୯ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୩୪ ତା.୨୭.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ